ପ୍ରେସ୍ ନୋଟ୍

# ଆଜି ଅନୁଗୋଳରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୪୬୩ରେ ।

ଅନୁଗୋଳ,ତା.୧୩.୮:- ଆଜି ଅନୁଗୋଳ ଜିଲ୍ଲାରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରେ ପାଲଲହଡା ବ୍ଲକ୍ ଅଂଚଳରୁ ସର୍ବାଧିକ ୫ ଜଣ, କଣିହାଁ ଓ ତାଳଚେର ବ୍ଲକ୍ ଅଂଚଳରୁ ୨ ଜଣ ଲେଖାଏଁ ଓ ଜଣେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଛନ୍ତି । ପାଲଲହଡା ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୫ ଜଣଂକ ମଧ୍ୟରୁ ୩ ଜଣ ପୁରୁଷଙ୍କ ବୟସ ଯଥାକ୍ରମେ ୪୮,୩୨ ଓ ୩୪ ବର୍ଷ ହୋଇଥିବାବେଳେ ୨ ଜଣ ମହିଳାଂକ ବୟସ ୨୫ ଓ ୫୨ ବର୍ଷ ଅଟେ । ଏମାନେ ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । କଣିହାଁ ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୨ ଜଣ ପୁରୁଷଙ୍କ ବୟସ ୪୫ ଓ ୩୬ ବର୍ଷ ଓ ଏମାନେ ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ତାଳଚେର ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ୨ ଜଣଂକ ମଧ୍ୟରେ ଜଣେ ୩୦ ବର୍ଷିୟ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବା ବେଳେ ଜଣେ ୫୪ ବର୍ଷିୟ ପୁରୁଷ ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସିତ ହେଉଥିବାବେଳେ ତାଂକର କରୋନା ପଜିଟିଭ ଜଣାପଡିଛି । ସେହିପରି ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ଚହ୍ନଟ ହୋଇଥିବା ଜଣେ ୨୬ ବର୍ଷିୟ ପୁରୁଷ ପଶ୍ଚିମବଙ୍ଗରୁ ଫେରି ଏକ କ୍ଲଷ୍ଟର ଅସ୍ଥାୟୀ ମେଡିକାଲ ଶିବିରରେ ସଂଗରୋଧରେ ଥିଲେ । ଆଜି ଆକ୍ରାନ୍ତ ହୋଇଥିବା ୧୦ ଜଣଂକ ମଧ୍ୟରୁ ୪ ଜଣଂକୁ ଚିକିତ୍ସା ନିମନ୍ତେ କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଥିବାବେଳେ ୫ ଜଣଂକୁ ନିଜ ଘରେ Isolation ରେ( ଜଣେ ଭୁବନେଶ୍ୱର ସ୍ଥିତ ଏକ ଘରୋଇ ହସପିଟାଲରେ ଚିକିତ୍ସାଧିନ) ରହିବାକୁ ପରାମର୍ଶ ଦିଆଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଏହି ୧୦ ଜଣ ଆକ୍ରାନ୍ତଂକୁ ମିଶାଇ ଜିଲ୍ଲାରେ ଆକ୍ରାନ୍ତଂକ ସଂଖ୍ୟା ୪୬୩ରେ ପହଂଚିଲା । ଇତି ମଧ୍ୟରେ ସୁସ୍ଥ ହୋଇଥିବା ୨ ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୩୪୭ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୩୪୯ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୪୯ ତା.୧୩.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୧୩/୮/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ